


# ଜାତୀୟ ଶକ୍ତି ସଂରକ୍ଷଣ ଦିବସ ୧୪ ଡିସେମ୍ବର ୨୦୧୮ ଉପଲକ୍ଷେ

## ବ୍ଲକ୍, ଜିଲ୍ଲା ଏବଂ ରାଜ୍ୟସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତାରେ ସପ୍ତମ ରୁ ଦଶମ ଶ୍ରେଣୀର ଛାତ୍ର ଛାତ୍ରୀମାନଙ୍କୁ ଅଂଶଗ୍ରହଣ ନିମନ୍ତେ ଆହ୍ୱାନ କରାଯାଉଅଛି ।

**ଛାତ୍ରଛାତ୍ରୀମାନଙ୍କ ମାଧ୍ୟମରେ ଶକ୍ତି ସଂରକ୍ଷଣ ସଚେତନତା ସୃଷ୍ଟି ଏହି ପ୍ରସାର ଅଭିଯାନର ଏକ ଅଂଶବିଶେଷ ।**




### ବ୍ଲକସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତା

- ସମସ୍ତ ସ୍କୁଲର ସପ୍ତମରୁ ଦଶମ ଶ୍ରେଣୀ ଛାତ୍ର ଛାତ୍ରୀମାନେ ବ୍ଲକସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତାରେ ଭାଗ ନେଇପାରିବେ । ଏହି ପ୍ରତିଯୋଗିତା ସମସ୍ତ ବ୍ଲକରେ **୨୫ ନଭେମ୍ବର, ୨୦୧୮** ରେ ଆୟୋଜନ କରାଯିବ । ଏହାର ଅବଧି ୧ ଘଣ୍ଟା ଅଟେ । ଛାତ୍ର ଛାତ୍ରୀ ମାନେ ପରୀକ୍ଷାନିମନ୍ତେ ନିଜର ଆବଶ୍ୟକୀୟ ଲେଖନ ଉପକରଣ ଆଣିବେ । ପ୍ରତିଯୋଗିତାର ପ୍ରଶ୍ନୋତ୍ତର ନିମନ୍ତେ ପ୍ରଦତ୍ତ ଅନେକ ସମ୍ଭାବ୍ୟ ଉତ୍ତର ମଧ୍ୟରୁ ଗୋଟିଏ ସଠିକ୍ ଉତ୍ତର ବାଛିବାକୁ ପଡ଼ିବ । ପୌରାଞ୍ଚଳର ଛାତ୍ରଛାତ୍ରୀମାନେ ସଂପୃକ୍ତ ବ୍ଲକ୍‌ରେ ଭାଗ ନେଇପାରିବେ ।
- ବ୍ଲକସ୍ତରୀୟ ପ୍ରତିଯୋଗିତାରେ ଛାତ୍ର ଛାତ୍ରୀ ମାନଙ୍କ ପାଇଁ କୌଣସି ଖର୍ଚ୍ଚ ବହନ କରାଯିବ ନାହିଁ ।
- ଶ୍ରେଷ୍ଠ ବିବେଚିତ ୩ଜଣ ପ୍ରତିଯୋଗୀଙ୍କୁ ପ୍ରମାଣପତ୍ର ସହିତ ନଗଦ ଅର୍ଥ ପୁରସ୍କାର ପ୍ରଦାନ କରାଯିବ ।
- ବିଦ୍ୟାଳୟ ଏବଂ ଛାତ୍ରଛାତ୍ରୀମାନଙ୍କୁ ଅବଗତ କରାଯାଉଛି ଯେ, ସେମାନେ ବ୍ଲକସ୍ତରୀୟ ପ୍ରତିଯୋଗିତାର ସ୍ଥାନ ଏବଂ ସମୟର ବିବରଣୀ ନିମ୍ନରେ ଦିଆଯାଇଥିବା websiteରୁ ପାଇପାରିବେ ।

### ଜିଲ୍ଲାସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତା

- ପ୍ରତି ବ୍ଲକରୁ ୩ ଜଣ ପ୍ରତିଯୋଗୀଙ୍କୁ ଚୟନ କରାଯାଇ ଜିଲ୍ଲାସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତା ପାଇଁ ମନୋନୟନ କରାଯିବ । ଜିଲ୍ଲାସ୍ତରୀୟ ପ୍ରତିଯୋଗିତା ସମସ୍ତ ଜିଲ୍ଲାର ସଦର ମହକୁମାରେ **୦୨ ଡିସେମ୍ବର, ୨୦୧୮** ତାରିଖରେ ଆୟୋଜନ କରାଯିବ । ଏହି ପ୍ରତିଯୋଗିତାର ଅବଧି ୧ ଘଣ୍ଟା ଅଟେ । ପିଲାମାନେ ପରୀକ୍ଷା ନିମନ୍ତେ ନିଜର ଆବଶ୍ୟକୀୟ ଲେଖନ ଉପକରଣ ଆଣିବେ । ପ୍ରତିଯୋଗିତାର ପ୍ରଶ୍ନୋତ୍ତର ନିମନ୍ତେ ପ୍ରଦତ୍ତ ଅନେକ ସମ୍ଭାବ୍ୟଉତ୍ତର ମଧ୍ୟରୁ ଗୋଟିଏ ସଠିକ୍ ଉତ୍ତର ବାଛିବାକୁ ପଡ଼ିବ ।
- ଜିଲ୍ଲାସ୍ତରୀୟ ପ୍ରତିଯୋଗିତାର ପ୍ରତିଯୋଗୀମାନଙ୍କର କୌଣସି ଖର୍ଚ୍ଚ ବହନ କରାଯିବ ନାହିଁ ।
- ଶ୍ରେଷ୍ଠ ବିବେଚିତ ୩ଜଣ ପ୍ରତିଯୋଗିଙ୍କୁ ପ୍ରମାଣପତ୍ର ସହିତ ନଗଦ ଅର୍ଥ ପୁରସ୍କାର ପ୍ରଦାନ କରାଯିବ ।
- ବିଦ୍ୟାଳୟ ଏବଂ ଛାତ୍ରଛାତ୍ରୀମାନଙ୍କୁ ଅନୁରୋଧ କରାଯାଉଛି ଯେ, ସେମାନେ ଜିଲ୍ଲାସ୍ତରୀୟ ପ୍ରତିଯୋଗିତାର ସ୍ଥାନ ଏବଂ ସମୟର ବିବରଣୀ ନିମ୍ନରେ ଦିଆଯାଇଥିବା website ରୁ ପାଇପାରିବେ ।

### ରାଜ୍ୟସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତା

- ପ୍ରତି ଜିଲ୍ଲାରୁ ୩ ଜଣ ପ୍ରତିଯୋଗୀଙ୍କୁ ଚୟନ କରାଯାଇ ସେମାନଙ୍କୁ ରାଜ୍ୟସ୍ତରୀୟ ଲିଖିତ ପ୍ରଶ୍ନୋତ୍ତର ପ୍ରତିଯୋଗିତାରେ ଯୋଗଦେବା ନିମନ୍ତେ ଭୁବନେଶ୍ୱରକୁ ଆମନ୍ତ୍ରଣ କରାଯିବ । ଏହି ପ୍ରତିଯୋଗିତାଟି **୧୩.୧୨.୨୦୧୮,** ସମୟ-ଅପରାହ୍ନ ୨ଟାରେ ଅନୁଷ୍ଠିତ ହେବ ।
- ଭୁବନେଶ୍ୱରରେ ୧୪.୧୨.୨୦୧୮ଦିନ ଆୟୋଜିତ ହେଉଥିବା ରାଜ୍ୟସ୍ତରୀୟ ଶକ୍ତି ସଂରକ୍ଷଣ ଦିବସ ଉତ୍ସବରେ ସମସ୍ତ ପୁରସ୍କାର ବଣ୍ଟନ କରାଯିବ ।
- କେବଳ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଭାଗ ନେଉଥିବା ପ୍ରତିଯୋଗୀ ଓ ତାଙ୍କ ସହିତ କେବଳ ଜଣେ ଶିକ୍ଷକ / ଅଭିଭାବକଙ୍କର ଗସ୍ତ ଖର୍ଚ୍ଚ ରାଜ୍ୟ ସରକାରଙ୍କ ନିୟମାନୁଯାୟୀ ବହନ କରାଯିବ ।
- ସମସ୍ତ ପ୍ରତିଯୋଗୀ ୧୪.୧୨.୨୦୧୮ଦିନ ଆୟୋଜିତ ହେଉଥିବା ପଦଯାତ୍ରାରେ ଭାଗ ନେବେ ।
- ମନୋନୀତ ୪୦ ଜଣ ଛାତ୍ର/ଛାତ୍ରୀଙ୍କୁ ୩ଟି ବିଭାଗରେ ଯଥା ପ୍ଲାଟିନମ୍, ସ୍ୱର୍ଣ୍ଣ ଏବଂ ରୌପ୍ୟ ପୁରସ୍କାର ପ୍ରଦାନ କରାଯିବ ।

**ଛାତ୍ରଛାତ୍ରୀମାନଙ୍କୁ ଅନୁରୋଧ କରାଯାଉଛି ଯେ, ୧୪ ଡିସେମ୍ବର ୨୦୧୮ଦିନ ଆୟୋଜିତ ହେଉଥିବା ବ୍ଲକ, ଜିଲ୍ଲା ଏବଂ ରାଜ୍ୟସ୍ତରୀୟ ପଦଯାତ୍ରା କାର୍ଯ୍ୟକ୍ରମରେ ଭାଗ ନେବା ସହିତ ଶକ୍ତି ସଂରକ୍ଷଣ ଅଭିଯାନରେ ସହଯୋଗ କରନ୍ତୁ ।**

**ବି.ଦ୍ର. କେବଳ ଓଡ଼ିଶାର ବିଦ୍ୟାଳୟରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀମାନେ ଏହି ପ୍ରତିଯୋଗିତାରେ ଅଂଶ ଗ୍ରହଣ କରିପାରିବେ । ବିଚାରକ ମଣ୍ଡଳୀ / ଆୟୋଜକମାନଙ୍କ ଦ୍ୱାରା ନିଆଯାଇଥିବା ନିଷ୍ପତ୍ତି ସବୁସ୍ତର ପାଇଁ ଅନ୍ତିମ ଅଟେ ।**

**ବ୍ଲକ ପୁରସ୍କାର:** ପ୍ରଥମ-ଟ୧୦୦୦/-, ଦ୍ୱିତୀୟ-ଟ୭୦୦/-, ତୃତୀୟ-ଟ୫୦୦/-

**ଜିଲ୍ଲା ପୁରସ୍କାର:** ପ୍ରଥମ-ଟ୧୫୦୦/-, ଦ୍ୱିତୀୟ-ଟ୧୦୦୦/-, ତୃତୀୟ-ଟ୭୦୦/-

**ରାଜ୍ୟ ପୁରସ୍କାର:** ପ୍ଲାଟିନମ୍- ଟ୮୦୦୦/- (୫ଟି), ସ୍ୱର୍ଣ୍ଣ- ଟ୫୦୦୦/- (୧୦ଟି), ରୌପ୍ୟ- ଟ୩୦୦୦/-(୨୫ଟି)

ସ୍ଥାନ ଓ ସମୟ ପାଇଁ ଦେଖନ୍ତୁ: **www.orienvis.nic.in, www.ecoclubodisha.org, www.cesorissa.org**

ଫୋନ-୦୬୭୪-୨୫୫୧୮୫୩ / ୯୪୩୭୬୦୪୩୮୯/ ୯୪୩୭୦୫୭୩୩୧/ ୯୪୩୭୧୦୫୧୭୭ / ୯୪୩୮୧୮୭୦୧୯, E-mail: energyquiz2018@gmail.com

**ସହଯୋଗ:**
ବ୍ୟୁରୋ ଅଫ୍ ଏନର୍ଜି ଏଫିସିଏନ୍ସି (ବି.ଇ.ଇ.)
କେନ୍ଦ୍ର ଶକ୍ତି ମନ୍ତ୍ରଣାଳୟ, ନୂଆଦିଲ୍ଲୀ

SDA, Odisha

**ପ୍ରାୟୋଜକ:**
ସର୍ବୋଚ୍ଚ ଯନ୍ତ୍ରୀ (ବିଦ୍ୟୁତ) ତଥା ପ୍ରମୁଖ ବିଦ୍ୟୁତ୍ ନିରୀକ୍ଷକ ଏବଂ
ରାଜ୍ୟପଦାଧିକାରୀ ସଂସ୍ଥା (ଏସ୍.ଡି.ଏ), ଶକ୍ତି ବିଭାଗ, ଓଡ଼ିଶା ସରକାର

**ସଂଯୋଜନା:**
ସେଣ୍ଟର ଫର୍ ଏନ୍‌ଭର୍ଣ୍ଣମେଣ୍ଟାଲ୍ ଷ୍ଟଡିଜ
ଜଙ୍ଗଲ ଓ ପରିବେଶ ବିଭାଗ, ଓଡ଼ିଶା ସରକାର

**ସହନଶୀଳ ସମାଜ ପାଇଁ ଶକ୍ତି ସଂରକ୍ଷଣ କରିବା ।**